**ଓଡ଼ିଶା ସରକାର**

**ସ୍ୱତନ୍ତ୍ର ରିଲିଫ୍ କମିଶନରଙ୍କ କାର୍ଯ୍ୟାଳୟ**

**<u>ପ୍ରେସ୍ ବିବୃତ୍ତି</u>**

**ତାରିଖ.୨୬.୦୫.୨୦୨୧**

ଆଜି ସକାଳ ପ୍ରାୟ ୯ ଟା ରେ ସାମୁଦ୍ରିକ ବାତ୍ୟା 'ୟାସ' ସ୍ଥଳଭାଗ ସ୍ପର୍ଶ ପ୍ରକ୍ରିୟା ଆରମ୍ଭ ହୋଇ ବାଲେଶ୍ୱର ସଦର, ରେମୁଣା, ବାହାନଗା ମଧ୍ୟ ଦେଇ ଗତି କରିଥିଲା। ପ୍ରାୟ ଅପରାହ୍ନ ୧ ଟା ସୁଦ୍ଧା ବାତ୍ୟା ସଂପୂର୍ଣ୍ଣ ରୂପେ ସ୍ଥଳଭାଗ ସ୍ପର୍ଶ କରିଥିଲା। ଏହି ସମୟରେ ବାଲେଶ୍ୱର ସଦର, ରେମୁଣା, ନୀଳଗିରିରେ ପ୍ରବଳ ବର୍ଷା ସହ ପବନର ବେଗ ଘଣ୍ଟାପ୍ରତି ୧୩୦-୧୪୦ କି.ମି. ରହିଥିଲା। ବାଲେଶ୍ୱର ଜିଲ୍ଲା ଅତିକ୍ରମ କରି ଏହା ମୟୁରଭଞ୍ଜ ଜିଲ୍ଲା ମଧ୍ୟ ଦେଇ ଯିବା ସମୟରେ ପବନର ବେଗ ଘଣ୍ଟାପ୍ରତି ୭୦-୮୦ କି.ମି. ରହିଛି ବୋଲି ସ୍ୱତନ୍ତ୍ର ରିଲିଫ୍ କମିଶନର ଶ୍ରୀଯୁକ୍ତ ପ୍ରଦୀପ ଜେନା ସୂଚନା ଦେଇଛନ୍ତି ।

ଆଜି ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ମୁଖ୍ୟ ଶାସନ ସଚିବଙ୍କ ଉପସ୍ଥିତିରେ ବାତ୍ୟା ସଂପର୍କରେ ଅବଗତ କରିବା ସମୟରେ ଶ୍ରୀ ଜେନା କହିଛନ୍ତି ଯେ, ବାତ୍ୟା ସମୟରେ ଉତ୍ତର ଓଡ଼ିଶାରେ ପ୍ରବଳରୁ ଅତିପ୍ରବଳ ବୃଷ୍ଟିପାତ ହୋଇଛି। ଗତ ୨୪ ଘଣ୍ଟା ମଧ୍ୟରେ ମୟୁରଭଞ୍ଜ ଜିଲ୍ଲାର କୁସୁମି ବ୍ଲକରେ ପ୍ରାୟ ୩୦୪ ମି.ମି., ଭଦ୍ରକର ଚାନ୍ଦବାଲି ବ୍ଲକରେ ୨୮୮ମି.ମି., କେନ୍ଦ୍ରାପଡାର ରାଜନଗର ବ୍ଲକରେ ୨୭୫ ମି.ମି., ଜଗତସିଂହପୁର ଜିଲ୍ଲାର ଏରସମା ବ୍ଲକରେ ୨୭୧ ମି.ମି. ବୃଷ୍ଟିପାତ ରେକର୍ଡ କରାଯାଇଛି। ଆମ ରାଜ୍ୟର ୩୬ ଟି ସ୍ଥାନରେ ୧୦୦ ମି.ମି. ରୁ ଅଧିକ ବୃଷ୍ଟିପାତ ହେବାର ରେକର୍ଡ କରାଯାଇଛି। ଏହିପରି ୩୭ଟି ବ୍ଲକରେ ୫୦-୧୦୦ ମି.ମି. ବର୍ଷା ରେକର୍ଡ ହୋଇଛି।

ଅଧିକ ବୃଷ୍ଟିପାତ ଓ ଉଚ୍ଚ ଜୁଆର ଯୋଗୁଁ ବିଶେଷ କରି ଭଦ୍ରକ ଓ ବାଲେଶ୍ୱର ଜିଲ୍ଲାର ୧୨୮ ଗାଁ ଜଳମଗ୍ନ ହୋଇଛି। ଏହି ଗ୍ରାମ ଗୁଡିକରେ ଗ୍ରାମବାସୀମାନଙ୍କୁ ଆଶ୍ରୟସ୍ଥଳକୁ ପୂର୍ବରୁ ଅଣାଯାଇଥିବାରୁ ସେମାନଙ୍କୁ ସୁରକ୍ଷିତ ରଖାଯାଇ ପାରିଛି। ଆଜି ଅପରାହ୍ନ ଠାରୁ ମୟୁରଭଞ୍ଜ ଜିଲ୍ଲାରେ ବର୍ଷା ଲାଗି ରହିଛି। ମୟୁରଭଞ୍ଜ ଶିମିଳିପାଳଠାରେ ପ୍ରବଳ

ବର୍ଷା ସମ୍ଭାବନା ଥିବାରୁ ବୁଢାବଳଙ୍ଗ ନଦୀରେ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇପାରେ। ଏଣୁ ଏ ସମସ୍ତ ନଦୀକୂଳିଆ ଅଂଚଳରୁ ଅଧିକ ଲୋକଙ୍କୁ ସ୍ଥାନାନ୍ତର କରାଯାଇଛି ଏବଂ ମୟୁରଭଞ୍ଜ ଜିଲ୍ଲାରୁ ୧ ଲକ୍ଷରୁ ଉର୍ଦ୍ଧ୍ୱ ଲୋକଙ୍କୁ ସୁରକ୍ଷିତ ଆଶ୍ରୟସ୍ଥଳକୁ ନିଆଯାଇଛି।

୬ ଲକ୍ଷ ୫୦ ହଜାରରୁ ଉର୍ଦ୍ଧ୍ୱ ଲୋକଙ୍କୁ ବିପଦସଂକୁଳ ସ୍ଥାନରୁ ସୁରକ୍ଷିତ ଆଶ୍ରୟସ୍ଥଳକୁ ସ୍ଥାନାନ୍ତରିତ କରାଯାଇଛି। ବାଲେଶ୍ୱର ଓ ଭଦ୍ରକ ଜଳମଗ୍ନ ଗ୍ରାମ ଜଳ ଅପସାରିତ ହେଲା ପରେ କ୍ଷୟକ୍ଷତି ଆକଳନ ଓ ପୁନରୁଦ୍ଧାର କାର୍ଯ୍ୟ ଆରମ୍ଭ ହେବ। ଏତଦ୍‌ବ୍ୟତୀତ ଯାଜପୁର, କେନ୍ଦ୍ରାପଡା ଓ ଜଗତସିଂହପୁର ଜିଲ୍ଲାରେ ବିଶେଷ କ୍ଷୟକ୍ଷତି ହୋଇ ନଥିବା ଜଣାପଡିଛି। ବିଦ୍ୟୁତ ପୁନରୁଦ୍ଧାର କାର୍ଯ୍ୟ ଜଗତସିଂହପୁର ଜିଲ୍ଲାରେ ସରିଥିବାବେଳେ କେନ୍ଦ୍ରାପଡା, ଯାଜପୁର ଜିଲ୍ଲାରେ କାମ ଚାଲୁରହିଛି। ବାଲେଶ୍ୱର, ଭଦ୍ରକ ଜିଲ୍ଲାର ଜଳମଗ୍ନ ଅଂଚଳ ବ୍ୟତୀତ ଅନ୍ୟ ସ୍ଥାନମାନଙ୍କରେ ବିଦ୍ୟୁତ ଯୋଗାଣ ଶୀଘ୍ର କରାଯିବ। ଜୁଆର ପାଣି ଆସିବା ଫଳରେ ରେମୁଣା, ଧାମରାର ଅନେକ ଗ୍ରାମରେ ପାଣି ପଶୁଛି। ପ୍ରଶାସନ ଜନସାଧାରଣଙ୍କ ସହାୟତାରେ ଜଳନିଷ୍କାସନ କାର୍ଯ୍ୟ ଆରମ୍ଭ କରିଛନ୍ତି।

ଏବେସୁଦ୍ଧା ପୂର୍ତ୍ତ ବିଭାଗର ୨୯୫ଟି ରାସ୍ତା ଓ ଗ୍ରାମ ଉନ୍ନୟନ ବିଭାଗର ୨୦୦ ରାସ୍ତା ସଫା କରାଯାଇ ଯୋଗାଯୋଗ ସୁବିଧା କରାଯାଇଛି। ରାଜ୍ୟ ସରକାରଙ୍କ ବିଭିନ୍ନ ବିଭାଗର କ୍ଷେତ୍ର କର୍ମଚାରୀ ଓ ଅଧିକାରୀମାନେ ଦିନରାତି କାର୍ଯ୍ୟ କରୁଛନ୍ତି। ଜନସାଧାରଣ ଜିଲ୍ଲା ପ୍ରଶାସନକୁ ସହଯୋଗ କରିବା ନିମନ୍ତେ ସ୍ୱତନ୍ତ୍ର ରିଲିଫ୍ କମିଶନର ପରାମର୍ଶ ଦେଇଛନ୍ତି।

***